## ଗ୍ରାମୀଣ କୃଷି ମୌଷମ ସେବା, କ୍ଷେତ୍ରୀୟ କୃଷି ଉପଦେଶ ଏକକ, କିରେଇ
## ଆଞ୍ଚଳିକ ଗବେଷଣା ଓ ବୈଷୟିକ ସଂପ୍ରସାରଣ ଉପକେନ୍ଦ୍ର, ସୁନ୍ଦରଗଡ
## ଓଡିଶା କୃଷି ଓ ବୈଷୟିକ ବିଶ୍ୱ ବିଦ୍ୟାଳୟ, ସୁନ୍ଦରଗଡ

***ସାପ୍ତାହିକ କ୍ରମିକ ସଙ୍ଖ୍ୟା :୫୧,ବୁଲେଟିନ ନମ୍ବର- ୧୦୨,ତାରିଖ : ୨୨।୧୨।୨୦୨୩ ,ଶୁକ୍ର ବାର***

**ଆସନ୍ତା ପାଞ୍ଚ ଦିନର ପାଣିପାଗ ସୂଚନା :**

ଆଗାମୀ ୨୩.୧୨.୨୦୨୩ –୨୭.୧୨.୨୦୨୩ , ଶନି ବାର - ବୁଧ ବାର ପର୍ଯ୍ୟନ୍ତ ସପ୍ତାହର ପାଣିପାଗ ଆଗାମୀ ପାଞ୍ଚ ଦିନରେ ବର୍ଷା ହେବାର ସମ୍ଭାବନା ରହିନାହିଁ ।ସର୍ବାଧିକ ତାପମାତ୍ରା (୨୪ –୨୫ °C)ମଧ୍ୟରେ ରହିବାର ସମ୍ଭାବନା ରହିଛି ଓ ସର୍ବନିମ୍ନ ତାପମାତ୍ରା (୧୧ -୧୩ °C ) ମଧ୍ୟରେ ରହିବାର ସମ୍ଭାବନା ରହିଛି । ଆଗମି ସପ୍ତାହ ରେ ସର୍ବାଧିକ ଆପେକ୍ଷିକ ଆର୍ଦ୍ରତା (୬୬–୭୪ %) ମଧ୍ୟରେ ଓ ସର୍ବନିମ୍ନ ଆପେକ୍ଷିକ ଆର୍ଦ୍ରତା (୩୦–୩୯%) ମଧ୍ୟରେ ରହିବାର ଭାରତ ପାଣିପାଗ ବିଭାଗ ,ଭୁବନେଶୋର ର ତଥ୍ୟ ଅନୁଯାୟୀ ପୂର୍ବାନୁମାନ କରାଯାଉଅଛି ।

| ଜିଲ୍ଲା | ତାରିଖ | ବର୍ଷା (ମି.ମି) | ସର୍ବାଧିକ ତାପମାତ୍ରା (ଡି.ସେ) | ସର୍ବନିମ୍ନ ତାପମାତ୍ରା (ଡି.ସେ) | ମେଘାଛନ୍ନ | ସର୍ବାଧିକ ଆପେକ୍ଷିକ ଆଦ୍ରର୍ତା (ପ୍ରତିଶତ) | ସର୍ବନିମ୍ନ ଆପେକ୍ଷିକ ଆଦ୍ରର୍ତା (ପ୍ରତିଶତ) | ବାୟୁ ର ବେଗ (କି.ମି. ପ୍ର.ଘ) | ବାୟୁ ର ଦିଗ (ଡି.ଗ୍ରୀ) |
|---|---|---|---|---|---|---|---|---|---|
| ଦେଓଗଡ | ୨୩ -୧୨-୨୦୨୩ | ୦ | ୨୪ | ୧୧ | ୨ | ୭୨ | ୩୦ | ୪ | ୧୪୪ |
| | ୨୪-୧୨-୨୦୨୩ | ୦ | ୨୪ | ୧୨ | ୩ | ୭୪ | ୩୯ | ୪ | ୭୧ |
| | ୨୫-୧୨-୨୦୨୩ | ୦ | ୨୫ | ୧୩ | ୧ | ୭୧ | ୩୨ | ୩ | ୮୧ |
| | ୨୬-୧୨-୨୦୨୩ | ୦ | ୨୫ | ୧୩ | ୦ | ୭୦ | ୩୦ | ୩ | ୬୮ |
| | ୨୭-୧୨-୨୦୨୩ | ୦ | ୨୫ | ୧୩ | ୦ | ୬୬ | ୩୧ | ୪ | ୭୯ |

### କୃଷି ପାଣିପାଗ ଉପଦେଶ

**ସାଧାରଣ ପରାମର୍ଶ :** ସର୍ବନିମ୍ନ ତାପମାତ୍ରା ହ୍ରାସ ହେବାର ପୂର୍ବାନୁମାନ ହେତୁ ନର୍ସରୀ ବିହନର ଯତ୍ନ ନିଅନ୍ତୁ | ପଶୁ ସମ୍ପଦର ଯତ୍ନ ମଧ୍ଯ ମୁଖ୍ୟତଃ ଶୀତଳ ଛାୟା ଘର ପରିଚାଳନା ଏବଂ ରାତିରେ ବିଶେଷ ଭାବରେ ଶେଷ୍ଟଗୁଡ଼ିକୁ ଘୋଡାଇ ରଖନ୍ତୁ |

ଡାଲୁଅ ଧାନ ପ୍ରତି ୩ ବର୍ଷରେ ବିହନ ବଦଳାନ୍ତୁ | ବିହନ ଗଜା ପରୀକ୍ଷା କରି ବୁନନ୍ତୁ|

**ଡାଲୁଅଧାନ :** ଡାଲୁଅ ଧାନର ଉନ୍ନତ ଓ ସହଜ କିସମ ମଧ୍ଯରେ ରହିଛି ପାରିଜାତ ଖଣ୍ଡଗିରି ଯୋଗେଶ ସିଦ୍ଧାନ୍ତ ମନ୍ଦାକିନୀ ପଥରା ଓ ଜ୍ୟୋତିର୍ମୟୀ ଅନ୍ୟତମ ଅଟେ ମଧ୍ଯମ କିସମଗୁଡିକ ହେଲା ଲଲାଟ ତପସ୍ଵିନୀ ମନସ୍ଵିନୀ ନବୀନ ଏସଟିୟୁ -୧୦୦୦

ଏହିମାସ ଶେଷସୁଦ୍ଧା ଡାଲୁଅଧାନ ପାଇଁ ତଳି ପକାଇବା କାମ ଶେଷ କରନ୍ତୁ ତଳି ପକାଇବାପାଇଁ ସଅଳ ଓ ମଧ୍ଯମ କିସମ ବିହନ ବ୍ୟବହାର କରନ୍ତୁ

**ସୂର୍ଯ୍ୟମୂଖୀ :**

ସୂର୍ଯ୍ୟମୂଖୀ ଫସଲର ଚାରିପାଖରେ ମକା ଗାଜର ବାଜରା ଆଦି ଫସଲ ଚାଷକରି ଥ୍ରିପ୍ସଆକ୍ରମଣ କମାନ୍ତୁ ।

ଭଲ ଅମଳ ପାଇଁ ଖତ ଓ ମୂଳ ସାରକୁ ବିହନ ବୁନିବାର ଏକ ସପ୍ତାହ ପୂର୍ବରୁ ମାଟିରେ ମିଶାନ୍ତୁ ।

ପ୍ରଥମ ୪୫ ଦିନ ପର୍ଯ୍ୟନ୍ତ  ଜମିକୁ ଘାସ ମୁକ୍ତ ରଖନ୍ତୁ ।

ସୂର୍ଯ୍ୟମୂଖୀ ଫସଲରେ କୀଟନାଶକ ବିଷ ଆଦୌ ପ୍ରୟୋଗ କରନ୍ତୁ ନାହିଁ ।

ଶୋଷକ ପୋକ ଯଥା – ଧଳାମାଛି ଜଉପୋକ ପାଇଁ ଏକର ପ୍ରତି ଡାଇମିଥୋଏଟ ୪୦୦ ମିଲି କୁ ୨୦୦ ଲିଟର ହିସାବରେ ପାଣିରେ ମିଶାଇ ସିଞ୍ଚନ କରନ୍ତୁ  ।

**ଆଳୁ :**ଆଳୁ ଫସଲ ୨-୩ ସପ୍ତାହ ର ହୋଇଯାଇଥିଲେ ପ୍ରଥମ କୋଡାଖୁସା କରି ହୁଡା ଟେକିଦିଅନ୍ତୁ ।

ଏହି ସମୟରେ ୫୦ କିଗ୍ରା ଯବକ୍ଷାରଜାନ ୬୦ କିଗ୍ରା ପଟାସ ଆଳୁ ଗଛରେ ଧାଡିରେ ଦୁଇପାଖରେ ୭-୧୦ ସେମି ଦୂରତାରେ ୨-୩ ସେମି ଗଭୀରରେ ପ୍ରୟୋଗ କରନ୍ତୁ ।

ଆଳୁ ଫସଲରେ ସଅଳ ପତ୍ରପୋଡା  ରୋଗରୁ ରକ୍ଷା ପାଇବାପାଇଁ ହେକ୍ଟର ପ୍ରତି ୧.୫ କିଗ୍ରା ମାଙ୍କଜେବ କୁ ୫୦୦ ଲିଟର ପାଣିରେ ମିଶାଇ ଆଳୁ ଗଛରେ ଭଲଭାବରେ ସିଞ୍ଚନ କରନ୍ତୁ କିମ୍ବା ଡଳି ରୋଇବାର ୩ ଦିନ ପରେ ହେକ୍ଟର ପ୍ରତି ୩.୫ ଲିଟର ଷ୍ଟମ୍ପ ବା ୧୫୦୦ ମିଲି ଟ୍ରିବୁଲିନ ୫୦୦ ଲିଟର ପାଣିରେ ମିଶାଇ ପ୍ରୟୋଗ କରନ୍ତୁ ।

**ବିଲାତି ବାଇଗଣ :** ଭଲ କିସମ ହେଉଛି ସ୍ୱର୍ଣ୍ଣ ସମ୍ପଦ, ଅର୍କ ରକ୍ଷକ, ଅର୍କ ସମ୍ରାଟ। ଉନ୍ନତମାନର ଚାରାକୁ 60 ସେଣ୍ଟିମିଟର ଓ 45 ସେଣ୍ଟିମିଟର ଉଚ୍ଚତାରେ ରୋପଣ କରନ୍ତୁ। କ୍ଷେତ ପ୍ରସ୍ତୁତି ସମୟରେ ନିମ୍ବ ପିଠା 1 ଟନ୍/ଏସି ଏବଂ ଏଫ୍.ଏମ୍/ଏସି ର 4 ଟନ୍ ପ୍ରୟୋଗ କରନ୍ତୁ।

**ଫଳବଗିଚା -** ଫଳବଗିଚା ସଫାକରି ଅନୁମୋଦିତ ପ୍ରଣାଳୀରେ ଖତ ,ରାସାୟନିକ ସାର ସହିତ ଆବଶ୍ୟକ ଅନୁଯାୟୀ ଜଳସେଚନ କରନ୍ତୁ ।  ପୁରୁଣା ଗଛକୁ କାଣ୍ଡ୍ ଛାଣ୍ଟ କରନ୍ତୁ ଉଈ ଆକ୍ରମଣ ପ୍ରତି ବିଶେଷ ଧ୍ୟାନ ଦିଅନ୍ତୁ ।

**ବାଇଗଣ :**ବାଇଗଣ ରେ କାଣ୍ଡ ଓ ଫଳବିନ୍ଧା ପୋକର ଦମନ ପାଇଁ ସମନ୍ୱିତ ପୋକ ପରିଚାଳନା ପଦ୍ଧତି ଅନୁସାରେ ଏକର ପ୍ରତି ୨୦,୦୦୦ ଟ୍ରାଇକୋଗ୍ରାମା ପରାଶ୍ରୟୀ କୀଟ ଛାଡନ୍ତୁ କିମ୍ବା ୩୦୦ ପି ପି ଏମ ନିମ୍ବଜାତ କୀଟନାଶକକୁ ଏକର ପ୍ରତି ୧ ଲିଟର ହିସାବରେ ପ୍ରୟୋଗ କରନ୍ତୁ କିମ୍ବା ପ୍ରତି ଲିଟର ପାଣିରେ ୫ ଗ୍ରାମ କାର୍ବାରିଲ ମିଶାଇ ସିଞ୍ଚନ କରନ୍ତୁ ।

**ସୋରିଷ :**

ସୋରିଷରେ ପତ୍ରଚିତା ଦାଗ ଦେଖାଦେବା ସମୟରେ,ଏଥିପାଇଁ ଏକର ପ୍ରତି ୦୧ କି.ଗ୍ରା. ହିସାବରେ କପର ଅକ୍ସିକ୍ଲୋରାଇଡ ବା ୮୦୦ ଗ୍ରାମ ମାଙ୍କୋଜେବ କୁ ୨୦୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ ।

ଫସଲ ପାଉଁଶିଆ ରୋଗଦ୍ୱାରା ଆକ୍ରାନ୍ତ ହୋଇଥିଲେ ଏହାର ଦମନ ପାଇଁ ଏକର ପ୍ରତି ୦୧ କି.ଗ୍ରା. ସଲଫର ସେଚିତ ଗୁଣ୍ଡ ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ ।

ସବୁଜ ଶୂକ,କରତିଆ ମାଛି ଲାଗିଥିଲେ ପ୍ରତି ଲିଟର ପାଣିରେ ୦୨ ମି.ଲି. ହିସାବରେ ଏଣ୍ଡୋସାଲ୍ଫାନ କିମ୍ବା ୨.୫ ମି.ଲି. ହିସାବ ରେ ଫୋସାଲୋନ ସିଞ୍ଚନ କରନ୍ତୁ ।

**କୁକୁଡ଼ା ପାଳନ :**ଅଧିକ ଅଣ୍ଡା ଓ ମାଂସ ପାଇଁ ଗାଁ ଗହଳିର ବାଡିବାଗିଚାରେ ବନରାଜା ,ଗ୍ରାମପ୍ରିୟ ଓ ପଲ୍ଲୀରଜା ପ୍ରଜାତିର କୁକୁଡ଼ା ପାଳନ କରନ୍ତୁ ।

**ମାଛ ଚାଷ :** ପୋଖରୀ ଭିତରକୁ ଗେଣ୍ଡା ଚଢେଇ ଓ କପୋତମାନର ପ୍ରବେଶକୁ ରୋକାଯିବା ଉଚିତ ଏହାଦ୍ବାରା ପରଜୀବୀମାନଙ୍କ ଜୀବନଚକ୍ରକୁ ଭଙ୍ଗାଯାଇ ପାରିବ

ମାଛ ପୋଖରୀରେ ଯାଆଁଳମାନଙ୍କ ର ସ୍ବତନ୍ତ୍ର ଯତ୍ନ ନେବା ଆବଶ୍ୟକ

ପୋଖରୀରୁ ପରଜୀବୀମାନଙ୍କ ର ସଂକ୍ରମଣ ଯୋଗ୍ୟ ଅବସ୍ଥାକୁ ସମ୍ପୂର୍ଣ ମାରି ଦେଲେ ରୋଗ ହେବା ଆଶଙ୍କା କମିଯାଏ

**ପ୍ରାଣୀ :**

ଶୀତଦିନେ ଗାଈ ମାନଙ୍କ ବାସଗୃହ ଖାଦ୍ୟ ପ୍ରଜନନ ଲାଳନ ପାଳନରେ ଯତ୍ନ ଓ ସ୍ବାସ୍ଥ୍ୟ ପ୍ରତି ଯତ୍ନ ଶୀଳ ହେଲେ ସେମାନଙ୍କଠାରୁ ଦୁଗ୍ଧ ବୃଦ୍ଧି ହୁଏ ।

ଗୁହାଳେ ଆଲୋକ ଓ ବାୟୁ ଚଳାଚଳ ଠିକ ଭାବରେ ହେବା ଦରକାର ଆଦୌ ଅନ୍ଧାରିଆ ହେବା ଉଚିତ ନୁହେଁ ।

ଗୁହାଳର ଚଟାଣରେ ବାଲି ରଖିଲେ ଭଲ କାରଣ ସେମାନଙ୍କଠାରୁ ନିର୍ଗତ ମଳମୂତ୍ର ବାଲିରେ ଶୋଷି ହୋଇଯାଏ ଯାହାଦ୍ବାରା ସେମାନେ ସର୍ବଦା ଶୁଖିଲା ଚଟାଣରେ ରହିପାରିବେ ।

ଗୋରୁ ଗୁହାଳ ର ଭିତର ଓ ବାହାର ସର୍ବଦା ପରିଷ୍କାର ପରିଚ୍ଛନ୍ନ ରଖନ୍ତୁ ।

ଶୀତଦିନେ ଗୋରୁଙ୍କୁ ଉତ୍ତାପ ଶକ୍ତିପ୍ରଦାୟକ ତନ୍ତୁଜାତୀୟ ଖାଦ୍ୟ ଯଥା ଘାସ ନଡା ପାଳ କୁଣ୍ଡା ଚୋକଡ ଡାଳପତ୍ର ମକାଗଛ ପତ୍ର ଓ କାଣ୍ଡ ଇତ୍ୟାଦି ଖାଇବାକୁ ଦିଅନ୍ତୁ ।

କୃଷି କ୍ଷେତ୍ର ସହ ଜଡିତ ଯେକୌଣସି ସମସ୍ୟା ପାଇଁ ଟୋଲ ଫ୍ରି ନମ୍ବର ୧୫୫୧ କୁ ଡାଏଲ କରନ୍ତୁ।

ଉତ୍ତମ କୃଷି ଲାଭ ପାଇଁ, ଓୟୁଏଟି କଳିଙ୍ଗ ପ୍ରଡକ୍ଟସ୍ (ବିହନ, ସେପଲିଙ୍ଗ୍ ଏବଂ ଜେଡ୍ଡିଏମ୍, ଟିସୁ ଚାଷ ଉଦ୍ଭିଦ, ଫଳ ଓ ପନିପରିବା, ମୂଲ୍ୟଯୁକ୍ତ ଉତ୍ପାଦ, ଫିଙ୍ଗରଲିଙ୍ଗ୍/ଇୟରଲିଙ୍ଗ୍, କୁକୁଡ଼ା ଛୁଆ, ପ୍ରଜନନ, ମହୁମାଛି ଓ ଛେଳି, ଜୈବସାର, ଜୈବ କୀଟନାଶକ, ଭେରିମି ଏବଂ ଭେରିକମ୍ପୋଷ୍ଟ ଏବଂ ଫାର୍ମ ଉପକରଣ)

ଆଇଏମଡିର ପାଣିପାଗ ପୂର୍ବାନୁମାନ ଏବଂ ଓଡ଼ିଶା ସ୍ଥିତିର କୃଷି ପାଣିପାଗ ପରାମର୍ଶଦାତା ବର୍ତ୍ତମାନ ମେଘଦୂତରେ ଉପଲବ୍ଧ

ଇଂରାଜୀ ଓ ଓଡ଼ିଆ ଭାଷାରେ ମୋବାଇଲ୍ ଆପ୍ ଡାଉନଲୋଡ୍ କରିବା: (ଏଣ୍ଡ୍ରିଓଡ୍: ***https://play.google. com/store/apps/details?id_com.aas.meghdoot)***

**ବି : ଦ୍ରଷ୍ଟବ୍ୟ : ଓୟୁଏଟି ଶାଖା ଚିପଲିମା ଓ ଗମ୍ଭାରିପାଲି ବିହନ ଗବେଷଣା ଫାର୍ମ ଠାରେ ସ୍ୱର୍ଣ ଧାନ ବିହନ ୨୦ କିଗ୍ରା ବସ୍ତା ପିଛା ଟ. ୭୧୨ . ୪୦ ପଇସା ଚାଷୀ ନିମିତ୍ତ ବିକ୍ରି ହଉେଅଛି |**

*ନୋଡାଲ ଅଫିସର, କିରେଇ*